# The Odisha Gazette

**EXTRAORDINARY**

**PUBLISHED BY AUTHORITY**

**No. 1554 CUTTACK, MONDAY, DECEMBER 14, 2020/MARGASIRA 23, 1942**

**ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ**

**ଅଧିସୂଚନା**

**No. 21610--RDM-LAB-KPT-0006-2020-R&DM., dated. 06-07-2020**

ଯେହେତୁ ଓଡିଶା ସରକାରଙ୍କୁ ପ୍ରତୀତ ହେଉଅଛି କି ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଅର୍ଥାତ ତେଲେଙ୍ଗିରି ମଧ୍ୟମ ଜଳସେଚନ ପ୍ରକଳ୍ପର ଅତିରିକ୍ତ କେନାଲ ନିର୍ମାଣ ନିମନ୍ତେ ସରକାର ସରକାରୀ ବ୍ୟୟରେ ମୌଜା- ଗୁମୁଡା, ଥାନା-ବି.ସିଙ୍ଗିପୁର,ନଂ-୨୬, ତହସିଲ-ବୋରିଗୁମ୍ମା, ଜିଲ୍ଲା- କୋରାପୁଟରେ ନିମ୍ନ ତଫସିଲ ମତେ ପ୍ରାୟ ଏ.୦.୪୦ ଭୂମି ଅର୍ଜନ କରିବା ଆବଶ୍ୟକ ହେଉଅଛି।

ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ, ୨୦୧୩ ର ଧାରା ୧୧(୧) ର ବ୍ୟବସ୍ଥା ଅନୁଯାୟୀ ଘୋଷିତ ଏହି ପ୍ରାରମ୍ଭିକ ଅଧିସୂଚନା ଟି ଏଥି ସହିତ ସମ୍ପୃକ୍ତ ସମସ୍ତଙ୍କ ପାଇଁ ପ୍ରଯୁଜ୍ୟ ଅଟେ।

୧- ସାର୍ବଜନୀନ ଉଦ୍ଦେଶ୍ୟର ସ୍ୱରୁପ:- ତେଲେଙ୍ଗିରି ମଧ୍ୟମ ଜଳସେଚନ ପ୍ରକଳ୍ପର ଅତିରିକ୍ତ କେନାଲ ଖନନ ନିମନ୍ତେ।

୨- ଜମି ଆବଶ୍ୟକ କରୁଥିବା ସଂସ୍ଥାର ନାମ :- ନିର୍ବାହୀ ଯନ୍ତ୍ରୀ, ତେଲେଙ୍ଗିରି କେନାଲ ସେଚଖଣ୍ଡ, ନଂ-୧, ବାରିଣିପୁଟ।

୩-କ୍ଷତିଗ୍ରସ୍ତ ଲୋକଙ୍କ ବିସ୍ଥାପନ ଆବଶ୍ୟକତାର କାରଣ:- କୌଣସି ବିସ୍ଥାପନ ହେଉନାହିଁ ।

୪- ସାମାଜିକ ପ୍ରଭାବ ମୂଲ୍ୟାୟନର ସାରାଂଶ- ଉକ୍ତ ପ୍ରକଳ୍ପ ପାଇଁ ପ୍ରଯୁଜ୍ୟ ନୁହେଁ।

୫- ପୁନର୍ବାସ ଓ ଥଇଥାନ ପାଇଁ ନିଯୁକ୍ତ ପ୍ରଶାସକଙ୍କ ବିବରଣୀ- ଉପ-ଜିଲ୍ଲାପାଳ, ଜୟପୁର, ।

୬- ଜମିର ବିବରଣୀ-

| ଜିଲ୍ଲା | ତହସିଲ | ଗ୍ରାମ | ଗ୍ରାମାଞ୍ଚଳ / ସହରାଞ୍ଚଳ | ଖାତା ନଂ | ପ୍ଲଟ୍ ନଂ | ପ୍ଲଟ୍ ର ମୋଟ ରକବା | ଅଧିସୂଚୀତ ଜମିର ରକବା | ରୟତ୍‌ର ନାମ |
|---|---|---|---|---|---|---|---|---|
| କୋରାପୁଟ | ବୋରିଗୁମ୍ମା | **ଗୁମୁଡା** | ଗ୍ରାମାଞ୍ଚଳ | ଏଥି ସହିତ ସଂଲଗ୍ନ | ଏଥି ସହିତ ସଂଲଗ୍ନ | ଏ.୭.୫୦ | **ଏ.୦.୪୦** | ଏଥି ସହିତ ସଂଲଗ୍ନ |

ଉକ୍ତ ଭୂମିର ଏକ ନକ୍ସା ତଥା ବିସ୍ତୃତ ବିବରଣୀ କୋରାପୁଟ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ କାର୍ଯ୍ୟ ଦିବସ ମାନଙ୍କରେ ଦେଖିବାକୁ ମିଳିପାରିବ ।

ଉକ୍ତ ଅଧିସୂଚନା ଅନ୍ତର୍ଭୁକ୍ତ କୌଣସି ଜମିର କ୍ରୟ ବିକ୍ରୟ, ହସ୍ତାନ୍ତର (ଦେଣ ନେଣ) କିମ୍ବା ଦାୟ ସୃଷ୍ଟି କୋରାପୁଟ ଜିଲ୍ଲାପାଳଙ୍କ ପୂର୍ବାନୁମୋଦନ ବିନା କରାଯାଇପାରିବ ନାହିଁ ।

ସମ୍ପୃକ୍ତ ଜମିର କୌଣସି ସ୍ୱତ୍ୱାଧିକାରୀ / ଜମିମାଲିକ ଭୂମି ଅଧିଗ୍ରହଣ ଅଧିସୂଚନା ସମ୍ପର୍କିତ ଅଧିସୂଚିତ ଜମିର ଉପଯୋଗିତା, ରକବା ଏବଂ ସାର୍ବଜନୀନ ଉଦ୍ଦେଶ୍ୟର ଔଚିତ୍ୟ ବିଷୟରେ କୌଣସି ଆପତ୍ତି ଉକ୍ତ ପ୍ରାରମ୍ଭିକ ଅଧିସୂଚନା ପ୍ରକାଶନର ୬୦(ସାଠିଏ) ଦିନ ମଧ୍ୟରେ କୋରାପୁଟ ଜିଲ୍ଲାପାଳଙ୍କ ନିକଟରେ ଲିଖିତ ଆକାରରେ ଅଭିଯୋଗ କରିପାରିବେ ।

**ଜମିର ବିଶଦ ବିବରଣୀ**

| ଜିଲ୍ଲାର ନାମ | ତହସିଲ | ଗ୍ରାମ | ଗ୍ରାମ | ଖାତା ନଂ | ପ୍ଲଟନଂ | ଜମିର ମୋଟ ରକବା | ଅଧିସୂଚିତ ହେବାକୁ ଥିବା ଜମିର ପରିମାଣ | ରୟତଙ୍କ ନାମ ଏବଂ ପିତାଙ୍କ ନାମ |
|---|---|---|---|---|---|---|---|---|
| କୋରାପୁଟ | ବୋରିଗୁମ୍ମା | ଗୁମୁଡା | | ୯୫/୩୮ | ୭୪/୨୪୭ | ୨.୦୦ | ୦.୧୦ | ତ୍ରିନାଥ ଗଣ୍ଡା ପି-ରୂପଧର ଗଣ୍ଡା |
| କୋରାପୁଟ | ବୋରିଗୁମ୍ମା | ଗୁମୁଡା | | ୯୫/୪୭୮ | ୪୫/୪୬୧ | ୧.୦୦ | ୦.୧୦ | ରାମନାଥ ଶତପଥି ପି-ବୃନ୍ଦାବନ ଶତପଥି |
| କୋରାପୁଟ | ବୋରିଗୁମ୍ମା | ଗୁମୁଡା | | ୯୫/୪୭୪ | ୪୫/୪୬୪ | ୧.୦୦ | ୦.୧୦ | ରାମଚନ୍ଦ୍ର ହରିଜନ ପି-ତ୍ରିନାଥ |

| | | | | | | | | |
|---|---|---|---|---|---|---|---|---|
| | | | | | | | | ହରିଜନ |
| କୋରାପୁଟ | ବୋରିଗୁମ୍ମା | ଗୁମୁଡା | | ୯୫/ ୩୧୨ | ୭୫/୪୯୦ | ୧.୬୦ | ୦.୦୭ | ଲକ୍ଷ୍ମୀକାନ୍ତ ରାଉତ ପି- ଭିକାରୀ ରାଉତ |
| କୋରାପୁଟ | ବୋରିଗୁମ୍ମା | ଗୁମୁଡା | | ୯୫/ ୪୬୫ | ୭୩ | ୧.୯୦ | ୦.୦୩ | ଉମେଶ ଚନ୍ଦ୍ର ମିଶ୍ର ପି- ତ୍ରିଲୋଚନ ମିଶ୍ର |
| | | | ମୋଟ | | | ୭.୫୦ | ୦.୪୦ | |

ରାଜ୍ୟପାଳଙ୍କ ଆଦେଶାନୁକ୍ରମେ

**ଅଭୟ କୁମାର ନାୟକ**

ଅତିରିକ୍ତ ଶାସନ ସଚିବ

Printed and published by the Director, Directorate of Printing, Stationery and Publication, Odisha, Cuttack-10
Ex. Gaz. 960—173+20